ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

**News ID-IPR/COVID-19(OD)/ 14/04-04-2021**

# ପ୍ରେସ୍ ବିବୃତି

**ଭୁବନେଶ୍ୱର :୦୪ ଅପ୍ରେଲ, ୨୦୨୧**

- ମାନ୍ୟବର ମୁଖ୍ୟମନ୍ତ୍ରୀ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକ ଇଷ୍ଟର ଅବସରରେ ତାଙ୍କର ଶୁଭକାମନା ଜଣାଇଛନ୍ତି । ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ ଏହି ଆହ୍ୱାନପୂର୍ଣ୍ଣ ସମୟରେ ପ୍ରଭୁ ଯିଶୁଙ୍କ ଆଶୀର୍ବାଦ ଆମକୁ ସ୍ୱାସ୍ଥ୍ୟ, ପ୍ରେମ, ସୁଖ ଏବଂ ଅଦମ୍ୟ ବିଶ୍ୱାସ ଆଣିଦେଉ ।

- ମାନ୍ୟବର ମୁଖ୍ୟମନ୍ତ୍ରୀ ଛତିଶଗଡ଼ର ସୁକମାଠାରେ ଆମର ଯବାନଙ୍କ ଉପରେ ବାମପନ୍ଥୀ ଉଗ୍ରବାଦୀଙ୍କ ଭୀରୁ ଆକ୍ରମଣର ଦୃଢ଼ ନିନ୍ଦା କରିଛନ୍ତି । ମାନ୍ୟବର ମୁଖ୍ୟମନ୍ତ୍ରୀ ଦେଶ ପାଇଁ ସଂଗ୍ରାମ କରୁଥିବା ସମୟରେ ଶହୀଦ ହୋଇଥିବା ଯବାନଙ୍କ ପରିବାରକୁ ସମବେଦନା ଜଣାଇବା ସହ ଆହତମାନଙ୍କର ଆଶୁ ଆରୋଗ୍ୟ କାମନା କରିଛନ୍ତି ।

## ସର୍ବଶେଷ ସ୍ୱାସ୍ଥ୍ୟ ସୂଚନା

- ଗତକାଲି ମଧ୍ୟରାତ୍ରି ସୁଦ୍ଧା ଓଡ଼ିଶାରେ ୯୧,୫୯,୯୨୯ ଟି ନମୁନା କୋଭିଡ୍-୧୯ ପରୀକ୍ଷା କରାଯାଇଛି ।
- ବର୍ତ୍ତମାନ ସୁଦ୍ଧା ସମୁଦାୟ ୩,୪୨, ୬୯୫ ଜଣ ପଜିଟିଭ୍ ଚିହ୍ନଟ ହୋଇଛନ୍ତି ।
- ୩,୩୭, ୬୩୫ ଜଣ ରୋଗୀ ସଂପୂର୍ଣ୍ଣ ସୁସ୍ଥ ହୋଇଛନ୍ତି/ଡାକ୍ତରଖାନାରୁ ଫେରିଛନ୍ତି ।
- ୧୯୨୨ ଜଣ କୋଭିଡ୍-୧୯ ରୋଗୀଙ୍କର ମୃତ୍ୟୁ ହୋଇଛି ।
- ସକ୍ରିୟ ଥିବା ସଂକ୍ରମିତଙ୍କ ସଂଖ୍ୟା ୩୦୮୫ ରହିଛି ।
- ୩୦୮୫ ଜଣ ହସ୍‌ପିଟାଲ୍ ଆଇସୋଲେସନ୍‌ରେ ରହିଛନ୍ତି ।

ମାନସ ରଞ୍ଜନ ଖୁଣ୍ଟିଆ
ସୂଚନା ଅଧିକାରୀ

**'ମାସ୍କ ପିନ୍ଧନ୍ତୁ, ସୁରକ୍ଷିତ ରୁହନ୍ତୁ'**